ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୩୮୫ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୩୭୦୧୨ରେ ପହଞ୍ଚିଲା - ସୁସ୍ଥ ହେଲେ ୫୬୮ଜଣ ।

ଅନୁଗୋଳ, ତା.୦୮.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୩୮୫ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୫୯ଜଣ ( ୩୭ଜଣ ପୁରୁଷ ଓ ୨୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୫୫ଜଣ ( ୨୯ଜଣ ପୁରୁଷ ଓ ୨୬ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୪୮ଜଣ ( ୩୬ଜଣ ପୁରୁଷ ଓ ୧୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୪୫ଜଣ (୨୯ ଜଣ ପୁରୁଷ ଓ ୧୬ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪୩ଜଣ (୨୬ ଜଣ ପୁରୁଷ ଓ ୧୭ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩୯ ଜଣ ( ୨୦ଜଣ ପୁରୁଷ ଓ ୧୯ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩୫ଜଣ ( ୧୯ଜଣ ପୁରୁଷ ଓ ୧୬ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩୦ଜଣ ( ୧୯ଜଣ ପୁରୁଷ ଓ ୧୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୨ଜଣ (୯ ଜଣ ପୁରୁଷ ଓ ୩ ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୦ଜଣ ( ୭ଜଣ ପୁରୁଷ ଓ ୩ ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୯ଜଣ (୬ ଜଣ ପୁରୁଷ ଓ ୩ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୧୦ ଜଣଂକୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୫୬୮ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୩୬ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୧ ଲକ୍ଷ ୮୫ ହଜାର ୫୯୪ ଜଣଙ୍କୁ ଟିକା ଦିଆଗଲାଣି ।

ଅପରାହ୍ନରେ କରୋନାର ସ୍ଥିତିକୁ ଜିଲ୍ଲାପାଳ ତାଂକ କାର୍ଯ୍ୟାଳୟ ପ୍ରକୋଷ୍ଠରେ ସମୀକ୍ଷା କରିଥିଲେ । କରୋନା ନିର୍ଦ୍ଦେଶାବଳୀକୁ ସଠିକ୍ ଭାବେ ପାଳନ କରିବା ଆସନ୍ତା ସାବିତ୍ରୀ ଓ ରଜ ପର୍ବରେ ଜନସମାଗମକୁ ଦୃଷ୍ଟିରେ ରଖି Enforcementକୁ କଡାକଡି ପାଳନ କରିବାକୁ ପରାମର୍ଶ ଦେଇଥିଲେ । ଏହି ସମୀକ୍ଷା ବୈଠକରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥି, ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ତାଳଚେର ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ରଜନୀକାନ୍ତ ସ୍ୱାଇଁ, ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଦିଲ୍ଲିପ କୁମାର ସାହୁ, ଓ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି ପ୍ରମୁଖ ଉପସ୍ଥିତ ଥିଲେ ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୫୧ ତା.୦୮.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ